# ଆଜି ଅନୁଗୋଳ ଜିଲ୍ଲାରୁ ୧୧୯ ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ୪୦୨୬୦ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୬୬ଜଣ ।

ଅନୁଗୋଳ, ତା.୨୫.୦୬:- ଆଜି ଅନୁଗୋଳ ଜିଲ୍ଲାରେ ୧୧୯ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୬ଜଣ ( ୧୦ଜଣ ପୁରୁଷ ଓ ୬ଜଣ ମହିଳା), ତାଲଚେର ବ୍ଲକ୍ ଅଂଚଳରୁ ୧୫ଜଣ ( ୮ଜଣ ପୁରୁଷ ଓ ୭ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୪ଜଣ ( ୧୦ଜଣ ପୁରୁଷ ଓ ୪ଜଣ ମହିଳା), ବଆଁରପାଲ ବ୍ଲକ୍ ଅଂଚଳରୁ ୧୩ଜଣ ( ୭ଜଣ ପୁରୁଷ ଓ ୬ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧୨ଜଣ ( ୭ଜଣ ପୁରୁଷ ଓ ୫ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୨ଜଣ ( ୭ଜଣ ପୁରୁଷ ଓ୫ ଜଣ ମହିଳା),ଅନୁଗୋଳ ବ୍ଲକ୍ ଅଂଚଳରୁ ୧୨ଜଣ ( ୭ଜଣ ପୁରୁଷ ଓ ୫ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୧୦ଜଣ ( ୭ଜଣ ପୁରୁଷ ଓ ୩ଜଣ ମହିଳା), ତାଲଚେର ପୌରାଞ୍ଚଳରୁ ୬ଜଣ ( ୪ଜଣ ପୁରୁଷ ଓ ୨ଜଣ ମହିଳା),ପାଲଲହଡା ବ୍ଲକ୍ ଅଂଚଳରୁ ୬ଜଣ ( ୫ଜଣ ପୁରୁଷ ଓ୧ ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୩ଜଣ ( ୩ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କ ମଧ୍ୟରୁ ୩୭ ଜଣଙ୍କୁ ତାଲଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ଅନ୍ୟମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୬୬ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୬୮ଜଣ ମୃତ୍ୟୁବରଣ କଲେଣି ଏବଂ ଆଜି ସୁଦ୍ଧା ୨ ଲକ୍ଷ ୬୬ହଜାର ୭୭ଜଣଙ୍କୁ ଟିକା ଦିଆଗଲାଣି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୩୭୪ ତା.୨୫.୦୬.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ